# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 416 CUTTACK, MONDAY, MARCH 15, 2021/FALGUNA 24, 1942**


## କେନ୍ଦୁଝର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

ଅଧିସୂଚନା

ତାରିଖ ୯ ଡିସେମ୍ବର ୨୦୨୦

ସଂଖ୍ୟା 916—ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ କେନ୍ଦୁଝର ଜିଲ୍ଲାର ଦେଓ ମଧ୍ୟମ ଜଳସେଚନ ପ୍ରକଳ୍ପର ବାମପାର୍ଶ୍ୱ ମୁଖ୍ୟ ଡିଷ୍ଟ୍ରିବ୍ୟୁଟାରୀ ପଧାନପଡା କେନାଲ ନିର୍ମାଣ ନିମନ୍ତେ ସରକାର (Appropriate Government) ସରକାରୀ ବ୍ୟୟରେ ମୌଜା ପଧାନପଡା , ଥାନା ପାଟଣା ନଂ. ୨୧ ତହସିଲ ସାହାରପଡା, ଜିଲ୍ଲା କେନ୍ଦୁଝରରେ ନିମ୍ନ ତଫସିଲମତେ ପ୍ରାୟ ଏ.୦.୪୯ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013) ର ୧୧(୧) ଧାରାରେ ଭାରପ୍ରାପ୍ତ ହୋଇ ସରକାର(Appropriate Government) ଏତଦ୍ଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ୧୧(୧) ଧାରା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥି ସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସଂପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ / ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୁଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ ଦିନ ମଧ୍ୟରେ ସଂପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

### ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ—ଦେଓ ମଧ୍ୟମ ଜଳସେଚନ ପ୍ରକଳ୍ପର ବାମପାର୍ଶ୍ୱ ମୁଖ୍ୟ ଡିଷ୍ଟ୍ରିବ୍ୟୁଟାରୀ ପଧାନପଡା କେନାଲ ନିର୍ମାଣ ନିମନ୍ତେ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ—ନିର୍ବାହୀ ଯନ୍ତ୍ରୀ, ଦେଓ କେନାଲ ଡିଭିଜନ, କରଞ୍ଜିଆ ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ—ସାର୍ବଜନୀନ ଉଦ୍ଦେଶ୍ୟରେ ଦେଓ ମଧ୍ୟମ ଜଳସେଚନ ପ୍ରକଳ୍ପ ନିର୍ମାଣ ନିମନ୍ତେ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ—ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସନଙ୍କ ବିବରଣୀ—ସ୍ୱତନ୍ତ୍ର ଭୂ-ଅର୍ଜନ, ପୁନଃବସତି ଓ ଥଇଥାନ ଅଧିକାରୀ, ମୟୂରଭଞ୍ଜ, କରଞ୍ଜିଆ ।

୬ । ଜମିର ବିବରଣୀ—

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ | ୯ |
| କେନ୍ଦୁଝର | ସାହାରପଡା | ପଧାନପଡା | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏ.୨.୦୮ | ଏ୦.୪୯ | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ, ପୁନଃବସତି ଓ ଥଇଥାନ ଅଧିକାରୀ, ମୟୂରଭଞ୍ଜ, କରଞ୍ଜିଆଙ୍କ କାର୍ଯ୍ୟାଳୟରେ କାର୍ଯ୍ୟଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି କେନ୍ଦୁଝର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

**ଭୂମି ଅନୁସୂଚୀ**

| କ୍ରମିକ ନମ୍ବର | ଖାତା ନମ୍ବର | ପ୍ଲଟ୍ ନମ୍ବର | ମୋଟ ରକବା | ଅଧିଗୃହିତ ରକବା | କିସମ | ପ୍ରଜାଙ୍କ ନାମ ଓ ଧାମ | ମନ୍ତବ୍ୟ |
|---|---|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) | (୭) | (୮) |
| ୧ | ୩୭ | ୨୭୧/ ୫୬୮ | ୦.୬୮ | ୦.୨୦ | ବାଜେ ଫସଲ ଏକ | ନାରାୟଣ ମହାନ୍ତ, ପି. ମାଣିକ ମହାନ୍ତ, ଜା. କୁଡୁମି, ବା. ନିଜଗାଁ । | |
| ୨ | ୪୪ | ୩୫୩ | ୧.୪୦ | ୦.୨୫ | ତଇଲା ଦୁଇ | ବନମାଳି ମହାନ୍ତ, କ୍ଷେତ୍ରବାସି ମହାନ୍ତ,ଶୁକଦେବ ମହାନ୍ତ, ପି. ଘାସିରାମ ମହାନ୍ତ, ଉଦ୍ଧବ ମହାନ୍ତ, ପି. ହାରାଧନ ମହାନ୍ତ, ଜା. କୁଡୁମି, ବା. ବାଲିପସି । | |
| | ମୋଟ .. ୨ | | ୨.୦୮ | ୦.୪୯ | | | |

ରାଜ୍ୟପାଳଙ୍କ ଆଦେଶକ୍ରମେ

ଆଶିଷ ଠାକ୍‌ରେ

ଜିଲ୍ଲାପାଳ, କେନ୍ଦୁଝର

Printed and published by the Director, Directorate of Printing, Stationery & Publication, Odisha, Cuttack-10
Ex. Gaz.1491—173+9